# ତହସିଲଦାରଙ୍କ କାର୍ଯ୍ୟାଳୟ, ମ.ରାମପୁର

ପତ୍ର ସଂଖ୍ୟା- ୯୨୫ ତାରିଖ- ୦୭.୦୩.୨୦୨୫

## ଇସ୍ତାହାର

ଏତଦ୍ୱାରା ବମକ ଗ୍ରା.ପ. ଅଧିନସ୍ଥ କଡାଲ ଗ୍ରାମର ସର୍ବସାଧାରଣଙ୍କ ଗୋଚରାର୍ଥେ ଜଣାଇ ଦିଆଯାଉଅଛି ଯେ, ନିମ୍ନ ତଫସିଲଭୁକ୍ତ ସରକାରୀ ଜମିକୁ ସମବାୟ ବିଭାଗ, ଓଡିଶା ସରକାରଙ୍କ ନାମରେ ଲିଜ ସୂତ୍ରରେ ହସ୍ତାନ୍ତରିତ କରିବା ପାଇଁ ସ୍ଥିର କରାଯାଇଅଛି ।

ଉକ୍ତ ଜମି ଆବାଦ ଯୋଗ୍ୟ ଅନାବାଦୀ ଖାତାଭୁକ୍ତ ଏବଂ କିସମ ପତିତ ଅଟେ । ଏହି ଜାଗା ଉପରେ ଯଦି କାହାର କିଛି ଆପତ୍ତି/ଅଭିଯୋଗ ଥାଏ ତାହେଲେ ଏହି ଇସ୍ତାହାର ଜାରି ହେବା ତାରିଖ ଠାରୁ ପରବର୍ତ୍ତୀ ୧୫ (ପନ୍ଦର) ଦିନ ମଧରେ ନିମ୍ନ ସ୍ୱାକ୍ଷରକାରୀ ଅଧିକାରୀଙ୍କ କାର୍ଯ୍ୟାଳୟରେ ଲିଖିତ ଆକାରରେ ଆବଶ୍ୟକୀୟ କୋର୍ଟ ଫିଜ୍ ଷ୍ଟାମ୍ପ ଲଗାଇ ଆପତ୍ତି/ ଅଭିଯୋଗ ଦାଖଲ କରିପାରିବେ । ଧାର୍ଯ୍ୟ ସମୟ ଗତେ କୌଣସି ଆପତ୍ତି ଅଭିଯୋଗ ଗ୍ରହଣ କରାଯିବ ନାହିଁ ।

### ମାମଲା ଜମିର ବିବରଣୀ

| ମୌଜା | ଖାତାନଂ | ପ୍ଲଟ ନଂ | କିସମ | ପ୍ରସ୍ତାବିତ ଏରିଆ |
|---|---|---|---|---|
| କଡାଲ | ୧୧୧ (ଆବାଦ ଯୋଗ୍ୟ ଅନାବାଦି) | ୨୮/୧୨୫୪ | ପତିତ | ଏ ୦.୩୦ ଡି |

ତହସିଲଦାର,
ମ.ରାମପୁର
TAHASILDAR
M.RAMPUR

ସ୍ମାରକ ସଂଖ୍ୟା -୯୨୬ ତାରିଖ -୦୭.୦୩.୨୦୨୫

ଏହାର ଏକକିତା ନକଲ ଏହି କାର୍ଯ୍ୟାଳୟର ନୋଟିସ ଫଳକରେ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ପ୍ରକାଶିତ କରାଗଲା ।

ଏହାର ଏକକିତା ନକଲ ରାଜସ୍ୱ ନିରୀକ୍ଷକ, ସାଇଦଲଙ୍ଗା / ସରପଞ୍ଚ, ବମକ ଗ୍ରା.ପଙ୍କୁ ପ୍ରେରଣ କରି ଅନୁରୋଧ କରାଗଲା କି ଜନସାଧାଣଙ୍କ ଅବଗତି ନିମନ୍ତେ ସେମାନଙ୍କ କାର୍ଯ୍ୟାଳୟର ନୋଟିସ ଫଳକରେ ପ୍ରକାଶିତ କରିବେ । ଏହା ଛଡା କଡ଼ାଲ ଗ୍ରାମର ପ୍ରମୁଖ ସ୍ଥାନରେ ଜନସାଧାରଣଙ୍କ ଅବଗତି ନିମନ୍ତେ ଲଟକାଜାରି କରାଗଲା ।

ଏହାର ଏକକିତା ନକଲ DeGM, କଳାହାଣ୍ଡିଙ୍କୁ ସର୍ବସାଧାରଣଙ୍କ ଅବଗତି ନିମନ୍ତେ କଳାହାଣ୍ଡି ଜିଲ୍ଲା ୱେବସାଇଟ(kalahandi.odisha.gov.in) ରେ ଅପଲୋଡ କରିବା ନିମନ୍ତେ ପ୍ରେରଣ କରାଗଲା ।

ତହସିଲଦାର,
ମ.ରାମପୁର
TAHASILDAR
M.RAMPUR